# ରାଜ୍ୟର ସମସ୍ତ ସ୍ୱାସ୍ଥ୍ୟାନୁଷ୍ଠାନରେ ଅଗ୍ନି ନିରାପତ୍ତା ବ୍ୟବସ୍ଥାକୁ ଅଧିକ ସୁଦୃଢ଼ କରିବାକୁ ସ୍ୱାସ୍ଥ୍ୟମନ୍ତ୍ରୀଙ୍କ ନିର୍ଦ୍ଦେଶ

ଭୁବନେଶ୍ୱର, ୨୫ ଜୁନ ୨୦୨୬: ଲୋକସଭା ଭବନରେ ଆୟୋଜିତ ଏକ ଗୁରୁତ୍ୱପୂର୍ଣ୍ଣ ଅଗ୍ନି ନିରାପତ୍ତା ବୈଠକରେ ମାନ୍ୟବର ସ୍ୱାସ୍ଥ୍ୟ ଓ ପରିବାର କଲ୍ୟାଣ ମନ୍ତ୍ରୀ ଡ. ମୁକେଶ ମହାଲିଙ୍ଗ ସଭାପତିତ୍ୱ କରି ରାଜ୍ୟର ସମସ୍ତ ସରକାରୀ ମେଡିକାଲ କଲେଜ ଓ ହସ୍ପିଟାଲ, ଜିଲ୍ଲା ମୁଖ୍ୟ ଚିକିତ୍ସାଳୟ ଏବଂ ଅନ୍ୟାନ୍ୟ ସ୍ୱାସ୍ଥ୍ୟାନୁଷ୍ଠାନରେ ଅଗ୍ନି ନିରାପତ୍ତା ବ୍ୟବସ୍ଥାର ବର୍ତ୍ତମାନ ସ୍ଥିତି ଓ ଆବଶ୍ୟକତା, ପୂର୍ବରୁ ଦିଆଯାଇଥିବା ନିର୍ଦ୍ଦେଶ କେତେ ଅନୁପାଳନ ହୋଇଛି ସେ ବିଷୟରେ ମଧ୍ୟ ସମୀକ୍ଷା କରାଯାଇଥିଲା । ରୋଗୀଙ୍କ ସୁରକ୍ଷାକୁ ସର୍ବୋଚ୍ଚ ପ୍ରାଥମିକତା ଦେଇ ସ୍ୱାସ୍ଥ୍ୟ ବିଭାଗର ଅଧିକାରୀମାନଙ୍କୁ ଅଗ୍ନି ନିର୍ବାପକ ଉପକରଣର ନିୟମିତ ଯାଞ୍ଚ, ଜରୁରୀକାଳୀନ ପ୍ରସ୍ତୁତିର ସୁନିଶ୍ଚିତକରଣ, ନିର୍ଦ୍ଧାରିତ ସୁରକ୍ଷା ମାନଦଣ୍ଡର କଡ଼ାକଡ଼ି ପାଳନ ଏବଂ ସମସ୍ତ ସ୍ୱାସ୍ଥ୍ୟାନୁଷ୍ଠାନରେ ଅଗ୍ନି ନିରାପତ୍ତା ବ୍ୟବସ୍ଥାକୁ ଅଧିକ ସୁଦୃଢ଼ ଓ କାର୍ଯ୍ୟକ୍ଷମ କରିବା ପାଇଁ ସ୍ପଷ୍ଟ ନିର୍ଦ୍ଦେଶ ପ୍ରଦାନ କରାଯାଇଥିଲା ।



ମାନ୍ୟବର ମନ୍ତ୍ରୀ କହିଥିଲେ ଯେ, ସ୍ୱାସ୍ଥ୍ୟସେବା ପ୍ରଦାନ ସହିତ ରୋଗୀ ଓ ସ୍ୱାସ୍ଥ୍ୟକର୍ମୀଙ୍କ ନିରାପତ୍ତା ସରକାରଙ୍କ ପ୍ରମୁଖ ଦାୟିତ୍ୱ । ତେଣୁ ଅଗ୍ନିକାଣ୍ଡ ପରି ଜରୁରୀ ପରିସ୍ଥିତିକୁ ମୁକାବିଲା ପାଇଁ ପ୍ରତ୍ୟେକ ଅନୁଷ୍ଠାନରେ ପୂର୍ବ ପ୍ରସ୍ତୁତି ଏବଂ ସମୟୋପଯୋଗୀ ବ୍ୟବସ୍ଥା ଗ୍ରହଣ ଅତ୍ୟାବଶ୍ୟକ ।

ଆଜିର ଏହି ବୈଠକରେ ଜାତୀୟ ସ୍ୱାସ୍ଥ୍ୟ ମିଶନ (ଏନଏଚଏମ୍) ଏମଡି ଡ. ବୃନ୍ଦା ଡ଼ି , ସ୍ୱାସ୍ଥ୍ୟ ବିଭାଗର ବରିଷ୍ଠ ଅଧିକାରୀମାନେ ଏବଂ ବିଭିନ୍ନ ଜିଲ୍ଲାର ମୁଖ୍ୟ ଜିଲ୍ଲା ଚିକିତ୍ସା ଓ ଜନସ୍ୱାସ୍ଥ୍ୟ ଅଧିକାରୀ, ମେଡିକାଲ କଲେଜ ଡିନ ଓ ସୁପରିଟେଣ୍ଡେଣ୍ଟମାନେ ଭର୍ଚୁଆଲ ମାଧ୍ୟମରେ ଯୋଗଦେଇ ଆଲୋଚନାରେ ଅଂଶଗ୍ରହଣ କରିଥିଲେ ।

ସରୋଜ କୁମାର ସାହୁ
ଲୋକସମ୍ପର୍କ ଅଧିକାରୀ